ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୬ ଜଣ କରୋନା ପଜିଟିଭ ଚିହ୍ନଟ

ପଜିଟିଭ ସଂଖ୍ୟା ୪୪୨୪୧ରେ ପହଞ୍ଚିଲା - ସୁସ୍ଥ ହେଲେ ୯ଜଣ ।

ଅନୁଗୋଳ, ତା.୧୬.୦୯:- ଆଜି ଅନୁଗୋଳ ଜିଲ୍ଲାରେ ୬ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଓ ବଣାଁରପାଳ ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ **Isolation** ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୯ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୮୫ ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୬ ଲକ୍ଷ ୭୬ହଜାର ୬୭୩ ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

**ଜ୍ଞାପକ ସଂଖ୍ୟା. ୫୯୨ ତା. ୧୬.୦୯.୨୦୨୧ ।**

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(signature)

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ